The Odisha Gazette

EXTRAORDINARY

PUBLISHED BY AUTHORITY

No. 4380 CUTTACK, MONDAY, OCTOBER 13, 2025/ASWINA 21, 1947

ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ, କୋରାପୁଟ

ଘୋଷଣା।

ତାରିଖ ୪ ଅକ୍ଟୋବର ୨୦୨୫

ସଂଖ୍ୟା. ୨୮୧୨/୨୦୨୫—ସର୍ବସାଧାରଣଙ୍କ ଅବଗତି ନିମନ୍ତେ, ନ୍ୟାୟୋଚିତ କ୍ଷତିପୂରଣ ଅଧିକାର ଏବଂ ଭୂ-ଅର୍ଜ୍ଜନ, ପୁନର୍ବାସ ଓ ଥଇଥାନ କ୍ଷେତ୍ରରେ ସ୍ୱଚ୍ଛତା ଆଇନ, ୨୦୧୩ (RFCTLAR & R Act, 2013) ର ଧାରା ୧୯ର ଅଧିନିୟମ ୧ ଅନୁଯାୟୀ ଏହି ଘୋଷଣାନାମା ଦିଆଯାଉଅଛି ଯେ, ଉକ୍ତ ଆଇନର ଧାରା ୧୫ (୨) ଅନୁସାରେ ଜିଲ୍ଲାପାଳଙ୍କ ଦ୍ୱାରା ପ୍ରଦତ୍ତ ରିପୋର୍ଟକୁ ବିବେଚନା କରି ରାଜ୍ୟ ସରକାରଙ୍କୁ ଏହି ଆଇନର ଧାରା ୨ (୧) ପ୍ରକାରେ ପ୍ରତୀତ ହେଉଅଛି ଯେ ମୌଜା ମୁଣ୍ଡିଗୁଡା, ଥାନା ବୈପାରିଗୁଡା, ତହସିଲ କୁନ୍ଦରା, ଜିଲ୍ଲା କୋରାପୁଟରେ ନିମ୍ନସୂଚିତ 'କ' ତଫସିଲ ଜମି ଏକ ସାର୍ବଜନୀନ ଉଦ୍ଦେଶ୍ୟରେ ଯଥା ଜୟପୁର- ମାଲକାନଗିରି ନୂତନ ଓସାରିଆ ରେଳ ସଂଯୋଗିକରଣ ପ୍ରକଳ୍ପ ନିମନ୍ତେ ଭୂମି ଅଧିଗ୍ରହଣ ଆବଶ୍ୟକ ହେଉଅଛି ।

ଏହି ଭୂମି ଅଧିଗ୍ରହଣ ସମ୍ବନ୍ଧୀୟ ପ୍ରାରମ୍ଭିକ ବିଜ୍ଞପ୍ତି ନ୍ୟାୟୋଚିତ କ୍ଷତିପୂରଣ ଅଧିକାର ଏବଂ ଭୂ-ଅର୍ଜ୍ଜନ, ପୁନର୍ବାସ ଓ ଥଇଥାନ କ୍ଷେତ୍ରରେ ସ୍ୱଚ୍ଛତା ଆଇନ, ୨୦୧୩ (RFCTLAR & R Act, 2013) ର ଧାରା ୧୧ (୧) ଅନୁଯାୟୀ ବିଜ୍ଞପ୍ତି ସଂଖ୍ୟା ୩୦୫/୨୦୨୨, ତା ୧୧ ମଇ ୨୦୨୨ ରିଖରେ ପ୍ରକାଶିତ ହୋଇଅଛି, ଏବଂ ଏହାର ବୈଧତା ରାଜସ୍ୱ ଓ ପ୍ରଶମନ ବିଭାଗ ଦ୍ୱାରା ପ୍ରକାଶିତ ବିଜ୍ଞପ୍ତି ସଂଖ୍ୟା ୨୭୮୨୫, ତା ୨୮ ଜୁଲାଇ ୨୦୨୫ ରିଖ ଅନୁଯାୟୀ ୩୧ ଡିସେମ୍ବର ୨୦୨୫ ପର୍ଯ୍ୟନ୍ତ ବର୍ଦ୍ଧିତ କରାଯାଇଅଛି ।

ପୁନଶ୍ଚ ଏହା ଘୋଷଣା କରାଯାଉଅଛି ଯେ, ମୌଜା ମୁଣ୍ଡିଗୁଡା, ଥାନା ବୈପାରିଗୁଡା, ତହସିଲ କୁନ୍ଦରା, ଜିଲ୍ଲା କୋରାପୁଟର ଜୟପୁର- ମାଲକାନଗିରି ନୂତନ ଓସାରିଆ ରେଳ ସଂଯୋଗିକରଣ ପ୍ରକଳ୍ପ ନିମନ୍ତେ କୌଣସି ବିସ୍ଥାପିତ ପରିବାର ନଥିବାରୁ ପୁନର୍ବାସ ଓ ଥଇଥାନ ନିମନ୍ତେ କୌଣସି ଜମି ଚିହ୍ନଟ ଓ ପୁନର୍ବାସ ଓ ଥଇଥାନ ଯୋଜନା ରୂପରେଖର ସାରମର୍ମ ସଂଲଗ୍ନ କରାଯାଇ ନାହିଁ । ଏହା ମଧ୍ୟ ଜିଲ୍ଲା ୱେବସାଇଟ https://koraput.odisha.gov.inରେ ସର୍ବସାଧାରଣଙ୍କ ଅବଲୋକନ ପାଇଁ ଅପଲୋଡ଼ କରାଯାଇଅଛି ।

ତଫସିଲ-କ

(ପ୍ରସ୍ତାବିତ ଭୂମି ଅଧିଗ୍ରହଣ ଅନୁସୂଚୀ)

ଜିଲ୍ଲା କୋରାପୁଟ ତହସିଲ କୁନ୍ଦରା

ଗ୍ରାମର ନାମ	ଗ୍ରାମାଞ୍ଚଳ/ ସହରାଞ୍ଚଳ	ଖାତା ନଂ.	ପ୍ଲଟ ନଂ.	କିସମ	ପ୍ଲଟର ମୋଟ ରକବା	ଅଧିଗ୍ରହଣ ହେବାକୁ ଥିବା ଜମିର ରକବା	ରୟତଙ୍କ ନାମ
(୧)	(୨)	(୩)	(୪)	(୫)	(୬)	(୭)	(୮)
ମୁଣ୍ଡିଗୁଡା	ଗ୍ରାମାଞ୍ଚଳ	ଏଥି ସହ ସଂଲଗ୍ନ କରାଗଲା				୧୨.୫୬୭ ଏକର	ଏଥି ସହ ସଂଲଗ୍ନ କରାଗଲା ।

ତଫସିଲ–ଖ

(ପୁନର୍ବାସ ନିମିତ୍ତ ଚିହ୍ନଟ ଭୂମି ଅନୁସୂଚୀ)

ଜିଲ୍ଲା କୋରାପୁଟ ତହସିଲ କୁନ୍ଦରା

ଗ୍ରାମର ନାମ	ଗ୍ରାମାଞ୍ଚଳ/ ସହରାଞ୍ଚଳ	ଖାତା ନଂ.	ପ୍ଲଟ ନଂ.	କିସମ	ପ୍ଲଟର ମୋଟ ରକବା	ଅଧିଗ୍ରହଣ ହେବାକୁ ଥିବା ଜମିର ରକବା	ରୟତଙ୍କ ନାମ
୧	୨	୩	୪	୫	୬	୭	୮
ପ୍ରଯୁଜ୍ୟ ନୁହେଁ							

ଅଧିସୂଚନା ବୈଧ ତାରିଖ : ୩୧ ଡିସେମ୍ବର ୨୦୨୫

ରାଜ୍ୟପାଳଙ୍କ ଆଦେଶକ୍ରମେ

ମନୋଜ ମହାଜନ

ଜିଲ୍ଲାପାଳ

Printed and Published by the Director, Directorate of Printing, Stationery and Publication, Odisha, Cuttack-10
Ex. Gaz. 3590—173+5